# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**23 December – 2025**

---

## ଆମ୍ବୁଲାନ୍ସ ଲୋକାର୍ପଣ

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ପୂର୍ବାହ୍ନରେ ପ୍ରଥମ ପର୍ଯ୍ୟାୟରେ ୧୫୦ଟି ୧୦୮ ଆମ୍ବୁଲାନ୍ସ ସେବାର ଲୋକାର୍ପଣ କରିବେ । ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ହେବାକୁ ଥିବା କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟମନ୍ତ୍ରୀ ଡକ୍ଟର ମୁକେଶ ମହାଲିଙ୍ଗ ଉପସ୍ଥିତ ରହିବେ । ସ୍ୱାସ୍ଥ୍ୟସେବାକୁ ତ୍ୱରାନ୍ୱିତ କରିବା ପାଇଁ ୧୧୧ କୋଟି ଟଙ୍କା ବିନିଯୋଗରେ ପର୍ଯ୍ୟାୟକ୍ରମେ ୪୨୮ଟି ଆମ୍ବୁଲାନ୍ସର ବ୍ୟବସ୍ଥା କରାଯିବ ।

---

## ଏନ୍ଏସ୍ସି

ରାଜ୍ୟରେ ୨୪ଟି ନୂତନ ବିଜ୍ଞପିତ ଅଞ୍ଚଳ ପରିଷଦ-ଏନ୍ଏସ୍ସି ସହିତ ୫ଟି ମ୍ୟୁନିସିପାଲିଟି ପାଇଁ ଚୂଡ଼ାନ୍ତ ବିଜ୍ଞପ୍ତି ପ୍ରକାଶ ପାଇଛି । ଏହି ନୂତନ ଏନ୍ଏସ୍ସି ଓ ମ୍ୟୁନିସିପାଲିଟି ପାଇଁ କିଛିମାସ ପୂର୍ବେ ଚିଠା ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରାଜ୍ୟ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ପ୍ରକାଶିତ ତାଲିକାରେ ୧୪ଟି ଜିଲ୍ଲାରେ ୨୪ଟି ଏନ୍ଏସ୍ସି ଗଠନ ଏବଂ ୩ଟି ଜିଲ୍ଲାରେ ୫ଟି ନୂତନ ମ୍ୟୁନିସିପାଲିଟି ହେବା ନେଇ ବିଜ୍ଞପ୍ତି ଜାରି ହୋଇଛି ।

---

# ମହାନଦୀ ଜଳବିବାଦ ବୈଠକ

ମହାନଦୀ ଜଳବିବାଦ ନେଇ ଉପମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଆଜି ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହେବ । ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶକ୍ରମେ ଶ୍ରୀ ସିଂହଦେଓଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ ହୋଇଥିଲା । ମହାନଦୀ ଜଳବିବାଦର ସମାଧାନ ପାଇଁ ପ୍ରଥମ ପର୍ଯ୍ୟାୟରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ଛତିଶଗଡ଼ ମୁଖ୍ୟମନ୍ତ୍ରୀ ବିଷ୍ଣୁ ଦେବ ସାଏଙ୍କ ମଧ୍ୟରେ ଆଲୋଚନା ହୋଇଥିଲା ।

# କିଷାନ ସମ୍ମାନ ଦିବସ

ଭୁବନେଶ୍ୱରସ୍ଥିତ କେନ୍ଦ୍ରୀୟ କୃଷିରତ ମହିଳା ସଂସ୍ଥାନରେ ଆଜି କିଷାନ ସମ୍ମାନ ଦିବସ ଆୟୋଜିତ ହେବ । କାର୍ଯ୍ୟକ୍ରମକୁ ଆଭାସୀ ମାଧ୍ୟମରେ କେନ୍ଦ୍ର କୃଷି ଓ କୃଷକ କଲ୍ୟାଣମନ୍ତ୍ରୀ ଶିବରାଜ ସିଂ ଚୌହାନ ଉଦ୍‌ଘାଟନ କରିବେ ବୋଲି ଜଣାପଡ଼ିଛି ।

# ଓମ୍ ବିର୍ଲା

ଆଗାମୀ ୨୦୪୭ମସିହା ସୁଦ୍ଧା ବିକଶିତ ଭାରତର ଲକ୍ଷ୍ୟ ପୂରଣ ପାଇଁ **ଏକ ଭାରତ ଶ୍ରେଷ୍ଠ ଭାରତ**ର ଭାବନା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବୋଲି ଲୋକସଭା ବାଚସ୍ପତି ଓମ୍ ବିର୍ଲା କହିଛନ୍ତି । ସମ୍ବଲପୁରର ଖେତରାଜପୁରରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଯୋଗଦେଇ ଶ୍ରୀ ବିର୍ଲା କହିଛନ୍ତି, ଆଧୁନିକ ଉନ୍ନତିର ପଥରେ ଆଗେଇବା ପାଇଁ ନିଜର

ମୂଳଦୁଆ ଓ ପରମ୍ପରା ସହ ଯୋଡ଼ି ହୋଇ ରହିବା ଆବଶ୍ୟକ। କାର୍ଯ୍ୟକ୍ରମରେ କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ସମ୍ବଲପୁରର ସାଂସ୍କୃତିକ ବିବିଧତା ଉପରେ ଆଲୋକପାତ କରିଥିଲେ ।

# ପ୍ରଦୂଷଣ ପ୍ରମାଣପତ୍ର

ମୋଟର ଯାନ ଆଇନ ଅନୁଯାୟୀ ପ୍ରଦୂଷଣ ପ୍ରମାଣପତ୍ର ନଥିଲେ ପେଟ୍ରୋଲ୍ ପମ୍ପ୍‌ରେ ଇନ୍ଧନ ମନା ନିଷ୍ପତ୍ତିର କାର୍ଯ୍ୟକାରିତା ନେଇ ପରିବହନ ବିଭାଗ ପକ୍ଷରୁ ତୈଳ କମ୍ପାନୀ ଓ ଡିଲର ସଂଘ ସହ ବୈଠକ ଅନୁଷ୍ଠିତ ହୋଇଯାଇଛି। ଭୁବନେଶ୍ୱରରେ ଆୟୋଜିତ ବୈଠକରେ ଆଗାମୀ ଦିନରେ ପ୍ରଦୂଷଣ ପ୍ରମାଣପତ୍ର କରିବା ପାଇଁ ଜନସାଧାରଣଙ୍କ ମଧ୍ୟରେ ସଚେତନତା ସୃଷ୍ଟି ନିମନ୍ତେ ନିଷ୍ପତ୍ତି ହୋଇଛି । ପ୍ରଦୂଷଣ ପ୍ରମାଣପତ୍ର ଯାଞ୍ଚର ବିଭିନ୍ନ ଦିଗ ସଂପର୍କରେ ପେଟ୍ରୋଲ୍ ପମ୍ପ କର୍ମଚାରୀ ଏବଂ ଜନସାଧାରଣଙ୍କୁ ଅବଗତ କରାଯିବ ବୋଲି ବିଭାଗୀୟ ଆୟୁକ୍ତ ଅମିତାଭ ଠାକୁର କହିଛନ୍ତି ।

**V/O**

# ବୈଠକ

ଗୃହ ନିର୍ମାଣ ଓ ନଗର ଉନ୍ନୟନମନ୍ତ୍ରୀ ଡକ୍ଟର କୃଷ୍ଣଚନ୍ଦ୍ର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଓଡ଼ିଶା ଜଳଯୋଗାଣ ଓ ସ୍ୱେରେଜ୍ ପରିଷଦର ୨୭ତମ ବୋର୍ଡ ବୈଠକ ୯ ବର୍ଷର ବ୍ୟବଧାନ ପରେ ଅନୁଷ୍ଠିତ ହୋଇଯାଇଛି ।

ବୈଠକରେ ୨୪ଟି ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ଆଲୋଚନା ହୋଇଥିଲା । ପରିଷଦରେ କାର୍ଯ୍ୟରତ ଦୈନିକ ଶ୍ରମିକ ରୋଲ୍ ପାଇଁ ପ୍ରୋତ୍ସାହନ ରାଶି ୨୦୦ ଟଙ୍କାକୁ ବୃଦ୍ଧି ଲାଗି ଅନୁମୋଦନ ମିଳିଛି ।

## ଆୟୁଷ-ନିଦାନ

ରାଜ୍ୟର ସରକାରୀ ଆୟୁଷ ସ୍ୱାସ୍ଥ୍ୟକେନ୍ଦ୍ର ଗୁଡ଼ିକରେ ନିଦାନ ସେବାର ଶୁଭାରମ୍ଭ ହୋଇଛି । ପରବର୍ତ୍ତୀ ପର୍ଯ୍ୟାୟରେ ଅନ୍ୟାନ୍ୟ ସ୍ୱାସ୍ଥ୍ୟକେନ୍ଦ୍ରରେ ଏହି ବ୍ୟବସ୍ଥା ଲାଗୁ କରାଯିବ ବୋଲି ଆୟୁଷ ନିର୍ଦ୍ଦେଶାଳୟ ପକ୍ଷରୁ କୁହାଯାଇଛି ।

## ପ୍ରଜ୍ଞାପନ ମେଢ଼

ଭୁବନେଶ୍ୱରରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ଗଣତନ୍ତ୍ର ଦିବସ ପାଳନ ପରିପ୍ରେକ୍ଷୀରେ ପ୍ରଜ୍ଞାପନ ମେଢ଼ ପ୍ରଦର୍ଶନ ନେଇ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ସୂଚନା ଓ ଲୋକସଂପର୍କ ବିଭାଗର ଅତିରିକ୍ତ ମୁଖ୍ୟଶାସନ ସଚିବ ହେମନ୍ତ ଶର୍ମା ଆଧୁନିକ ଜ୍ଞାନକୌଶଳ ବ୍ୟବହାର ସହ ଜନକଲ୍ୟାଣକାରୀ ଯୋଜନା ବାବଦରେ ମେଢ଼ଗୁଡ଼ିକ ମାଧ୍ୟମରେ ସଚେତନତା ସୃଷ୍ଟି ଉପରେ ଗୁରୁତ୍ୱାରୋପ କରିଥିଲେ ।

# କୁମ୍ଭୀର ଗଣନା

କେନ୍ଦ୍ରାପଡ଼ାସ୍ଥିତ ଭିତରକନିକା ଜାତୀୟ ଉଦ୍ୟାନରେ ଆସନ୍ତା ମାସ ୮ ତାରିଖରୁ ୧୦ ତାରିଖ ପର୍ଯ୍ୟନ୍ତ କୁମ୍ଭୀର ଗଣନା ହେବ । ଏଥିପାଇଁ ପର୍ଯ୍ୟଟକଙ୍କ ଲାଗି ଜାତୀୟ ଉଦ୍ୟାନ ବନ୍ଦ ରହିବ ବୋଲି ରାଜନଗର ବନଖଣ୍ଡ ଅଧିକାରୀ ସୂଚନା ଦେଇଛନ୍ତି ।

# ସଚେତନତା କାର୍ଯ୍ୟକ୍ରମ

ରାୟଗଡ଼ା ବ୍ଲକ ଜାଙ୍ଗିଲୀ ଗ୍ରାମରେ ବିଡ଼ିଓ, ତହସିଲଦାରଙ୍କ ସମେତ ଅନ୍ୟ ବରିଷ୍ଠ ଅଧିକାରୀ ଜନସାଧାରଣଙ୍କ ମଧ୍ୟରେ ବିଭିନ୍ନ ସରକାରୀ ଯୋଜନାର ସୁଫଳ ସଂପର୍କରେ ସଚେତନତା ସୃଷ୍ଟି କରିଛନ୍ତି । ଏଥିସହ ଶିକ୍ଷା, ସ୍ୱାସ୍ଥ୍ୟ, ମିଶନଶକ୍ତି, ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ଷ୍ଟଲ୍‌ମାନ ଖୋଲାଯାଇ ଲୋକଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା । କାର୍ଯ୍ୟକ୍ରମରେ ହିତାଧିକାରୀମାନଙ୍କୁ ବିଭିନ୍ନ ସହାୟତା ଦିଆଯାଇଥିଲା ।

# ଜମି ଦଖଲ

ମାଲକାନଗିରି ଜିଲ୍ଲା ମାରିୱାଡ଼ା ଗ୍ରାମର ପୂର୍ବରୁ ଜମିପଟ୍ଟା ପାଇଥିବା ୩୯ ଜଣ ୨୨ ବର୍ଷ ପରେ ଜମି ଦଖଲ ପାଇଛନ୍ତି । ଜିଲ୍ଲାପାଳ ଏ ସଂପର୍କରେ ମାଲକାନଗିରି ତହସିଲଦାରଙ୍କୁ ପଦକ୍ଷେପ ଗ୍ରହଣ କରିବାକୁ ନିର୍ଦ୍ଦେଶ ଦେଇଥିଲେ ।

# ଖାଦ୍ୟ ମେଳା

ଭୁବନେଶ୍ୱର ପ୍ରଦର୍ଶନୀ ପଡ଼ିଆରେ ଆଜିଠାରୁ ଓଡ଼ିଶା ଖାଦ୍ୟ ମହୋତ୍ସବ ଆରମ୍ଭ ହେଉଛି । ୭ ଦିନ ଧରି ଚାଲିବାକୁ ଥିବା ମହୋତ୍ସବରେ ୧୦୦ରୁ ଊର୍ଦ୍ଧ୍ୱ ଷ୍ଟଲ୍ ପ୍ରଦର୍ଶିତ ହେବ ।

# ପାଣିପାଗ

ରାଜ୍ୟରେ ଶୀତ ଲହରୀ ଜାରି ରହିଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଉତ୍ତର-ପଶ୍ଚିମ ଦିଗରୁ ଶୁଷ୍କ ଥଣ୍ଡା ବାୟୁର ପ୍ରବାହ ବୃଦ୍ଧି ସହ ଆସନ୍ତା ଗୁରୁବାରଠାରୁ ଶୀତର ପ୍ରଭାବ ଆହୁରି ବୃଦ୍ଧି ପାଇବ । ପାଣିପାଗ କେନ୍ଦ୍ର ପକ୍ଷରୁ ଆଗାମୀ ୫ ଦିନ ପର୍ଯ୍ୟନ୍ତ ଘନ କୁହୁଡ଼ି ହେବା ନେଇ ବିଭିନ୍ନ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ସୁନ୍ଦରଗଡ଼, ଝାରସୁଗୁଡ଼ା, କନ୍ଧମାଳ, ବଲାଙ୍ଗୀର ଓ ସୁବର୍ଣ୍ଣପୁର ଜିଲ୍ଲାରେ ଘନ କୁହୁଡ଼ି ହେବା ନେଇ ସତର୍କ ସୂଚନା ଜାରି କରାଯାଇଛି । ଗତକାଲି କୋରାପୁଟରେ ସର୍ବନିମ୍ନ ତାପମାତ୍ରା ୫ ଦଶମିକ ୫ ଡିଗ୍ରୀ ସେଲ୍‌ସିୟସ୍ ରହିଥିଲା ।